# The Odisha Gazette

**EXTRAORDINARY**

**PUBLISHED BY AUTHORITY**

**No. 1849 CUTTACK, SATURDAY, OCTOBER 22, 2016/ASWINA 30, 1938**


## ରାଜସ୍ୱ ଓ ବିପର୍ଯ୍ୟୟ ପରିଚାଳନା ବିଭାଗ

ଅଧିସୂଚନା

ତାରିଖ 12 ସେପ୍ଟେମ୍ବର 2016

ସଂଖ୍ୟା 28116—RDM-LAC-KNJ-0039/2016-R&DM.—ଯେହେତୁ ଓଡ଼ିଶା ସରକାରଙ୍କୁ ପ୍ରତୀତ ହେଉଅଛି କି ଏକ ସାର୍ବଜନୀନ ଉଦ୍ଦେଶ୍ୟରେ ଅର୍ଥାତ୍ କେନ୍ଦୁଝର ଜିଲ୍ଲାର କାନପୁର ଜଳସେଚନ ପ୍ରକଳ୍ପର କେନାଲ ନିମନ୍ତେ ମୌଜା ଗମ୍ଭାରିଆ, ଥାନା ଚମ୍ପୁଆ ନଂ. ୯୯, ତହସିଲ ଚମ୍ପୁଆ, ଜିଲ୍ଲା କେନ୍ଦୁଝରରେ ନିମ୍ନ ତଫସିଲମତେ ପ୍ରାୟ ୦.୨୮ ଏକର ଭୂମି ଅର୍ଜନ କରିବା ଆବଶ୍ୟକ ହେଉଅଛି ।

ନ୍ୟାୟୋଚିତ କ୍ଷତିପୂରଣ ଅଧିକାର ଏବଂ ଭୂ-ଅର୍ଜନ, ପୁନର୍ବାସ ଓ ଥଇଥାନ କ୍ଷେତ୍ରରେ ସ୍ୱଚ୍ଛତା ଆଇନ, ୨୦୧୩ ର ଧାରା ୧୧(୧) ର ବ୍ୟବସ୍ଥା ଅନୁଯାୟୀ ଘୋଷିତ ଏହି ପ୍ରାରମ୍ଭିକ ଅଧିସୂଚନାଟି ଏଥିସହିତ ସମ୍ପୃକ୍ତ ସମସ୍ତଙ୍କ ପାଇଁ ପ୍ରଯୁଜ୍ୟ ଅଟେ ।

୧. ସାର୍ବଜନୀନ ଉଦ୍ଦେଶ୍ୟର ସ୍ୱରୂପ—ଜଳସେଚନ ପ୍ରକଳ୍ପ

୨. ଜମି ଆବଶ୍ୟକ କରୁଥିବା ସଂସ୍ଥାର ନାମ—ନିର୍ବାହୀ ଯନ୍ତ୍ରୀ, କାନପୁର କେନାଲ ଡିଭିଜନ ନଂ. ୨, ରିମୁଳି, କେନ୍ଦୁଝର

୩. କ୍ଷତିଗ୍ରସ୍ତ ଲୋକଙ୍କ ବିସ୍ଥାପନ ଆବଶ୍ୟକତାର କାରଣ—ସାର୍ବଜନୀନ ଉଦ୍ଦେଶ୍ୟରେ ଜଳସେଚନ ପ୍ରକଳ୍ପ କାର୍ଯ୍ୟକାରୀ କରିବା

୪. ସାମାଜିକ ପ୍ରଭାବ ମୂଲ୍ୟାୟନର ସାରାଂଶ—ଉକ୍ତ ପ୍ରକଳ୍ପ ପାଇଁ ପ୍ରଯୁଜ୍ୟ ନୁହେଁ ।

୫. ପୁନର୍ବାସ ଓ ଥଇଥାନ ପାଇଁ ନିଯୁକ୍ତ ପ୍ରଶାସକଙ୍କ ବିବରଣୀ—ଉପଜିଲ୍ଲାପାଳ, ଚମ୍ପୁଆ ।

୬. ଜମିର ବିବରଣୀ—

| ଜିଲ୍ଲା | ତହସିଲ | ଗ୍ରାମ | ଗ୍ରାମାଞ୍ଚଳ/ ସହରାଞ୍ଚଳ | ଖାତା ନଂ. | ପ୍ଲଟ୍ ନଂ. | ପ୍ଲଟ୍‌ର ମୋଟ ରକବା | ଅଧିସୂଚିତ ଜମିର ରକବା | ରୟତ୍‌ର ନାମ |
|---|---|---|---|---|---|---|---|---|
| 1 | 2 | 3 | 4 | 5 | 6 | 7 | 8 | 9 |
| କେନ୍ଦୁଝର | ଚମ୍ପୁଆ | ଗମ୍ଭାରିଆ | ଗ୍ରାମାଞ୍ଚଳ | ଏଥିସହିତ ସଂଲଗ୍ନ | ଏଥିସହିତ ସଂଲଗ୍ନ | ଏଥିସହିତ ସଂଲଗ୍ନ | ୦.୨୮ ଏକର | ଏଥିସହିତ ସଂଲଗ୍ନ |

ଉକ୍ତ ଭୂମିର ଏକ ନକ୍ସା ସ୍ୱତନ୍ତ୍ର ଭୂମି ଅର୍ଜନ ଅଧିକାରୀ, କାନପୁର ଜଳସେଚନ ପ୍ରକଳ୍ପ ରିମୁଳି, କେନ୍ଦୁଝରଙ୍କ କାର୍ଯ୍ୟାଳୟରେ, କାର୍ଯ୍ୟ ଦିବସମାନଙ୍କରେ ଦେଖିବାକୁ ମିଳିପାରିବ ।

ଉକ୍ତ ଅଧିସୂଚନା ଅନ୍ତର୍ଭୁକ୍ତ କୌଣସି ଜମିର କ୍ରୟବିକ୍ରୟ, ହସ୍ତାନ୍ତର (ଦେଣନେଣ) କିମ୍ବା ଦାୟ ସୃଷ୍ଟି କେନ୍ଦୁଝର ଜିଲ୍ଲାପାଳଙ୍କ ପୂର୍ବାନୁମୋଦନ ବିନା କରାଯାଇପାରିବ ନାହିଁ ।

ସଂପୃକ୍ତ ଜମିର କୌଣସି ସ୍ୱତ୍ୱାଧିକାରୀ/ଜମିମାଲିକ ଭୂମି ଅଧିଗ୍ରହଣ ଅଧିସୂଚନା ସମ୍ପର୍କିତ ଅଧିସୂଚିତ ଜମିର ଉପଯୋଗିତା, ରକବା ଏବଂ ସାର୍ବଜନୀନ ଉଦ୍ଦେଶ୍ୟର ଔଚିତ୍ୟ ବିଷୟରେ କୌଣସି ଆପତ୍ତି ଉକ୍ତ ପ୍ରାରମ୍ଭିକ ଅଧିସୂଚନା ପ୍ରକାଶନର ୬୦ (ଷାଠିଏ) ଦିନ ମଧ୍ୟରେ କେନ୍ଦୁଝର ଜିଲ୍ଲାପାଳଙ୍କ ନିକଟରେ ଲିଖିତ ଆକାରରେ ଅଭିଯୋଗ କରିପାରିବେ ।

**ଭୂମି ଅନୁସୂଚୀ**

| ଖାତା ନଂ. ଓ ସତ୍ୱ | ପ୍ଲଟ୍ ନଂ. | କିସମ | ପ୍ଲଟର ମୋଟ ରକବା | ଅଧିସୂଚିତ ଜମିର ରକବା | ରୟତର ନାମ |
|---|---|---|---|---|---|
| (୧) | (୨) | (୩) | (୪) | (୫) | (୬) |
| | | | ଏକର | ଏକର | |
| ୭୪ ରୟତି | ୪୩୩/୧୪୬୪ | ଶାରଦ ତିନି | ୦.୦୭ | ୦.୦୬ | ବିସୁନୁ ମୁଣ୍ଡା, ପି. ସୁନିଆ ମୁଣ୍ଡା, ବା. କୃଷ୍ଣପୁର, ମାର୍କଣ୍ଡ ମୁଣ୍ଡା, ପି. ଲକନ ମୁଣ୍ଡା, ଜା. କୋହ୍ଲ, ବା. ବାଉଁସପଶି, ଥାନା ଯୋଡ଼ା । |
| ୮୯ ରୟତି | ୪୩୦ | ବିଆଳି | ୦.୨୬ | ୦.୧୧ | ମଙ୍ଗୁଲୁ ମୁଣ୍ଡା, ପି. ଜଗତ ମୁଣ୍ଡା, ଦୁରେଇ ମୁଣ୍ଡା, ପି. ରୟା ମୁଣ୍ଡା, ଜା. କୋହ୍ଲ, ବା. ନିଜଗାଁ । |
| | ୪୨୯ | ଶାରଦ ତିନି | ୦.୧୭ | ୦.୧୦ | |
| | ୪୨୮ | ଘରବାରୀ | ୦.୧୭ | ୦.୦୧ | |
| | | **ମୋଟ ରୟତି ଜମି :** | | **୦.୨୮** | |

ରାଜ୍ୟପାଳଙ୍କ ଆଦେଶାନୁକ୍ରମେ

**ସଂଗ୍ରାମ କେଶରୀ ମହାପାତ୍ର**

ଯୁଗ୍ମ ଶାସନ ସଚିବ

Printed and published by the Director, Directorate of Printing, Stationery and Publication, Odisha, Cuttack-10
Ex. Gaz 1269—173+20